ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୮୬ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୪୧୦୩୯ରେ ପହଞ୍ଚିଲା - ସୁସ୍ଥ ହେଲେ ୧୫୧ ଜଣ ।

ଅନୁଗୋଳ, ତା.୦୩.୦୭:- ଆଜି ଅନୁଗୋଳ ଜିଲ୍ଲାରେ ୮୬ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ୧୩ଜଣ ( ୮ଜଣ ପୁରୁଷ ଓ ୫ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୨ଜଣ ( ୮ଜଣ ପୁରୁଷ ଓ ୪ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୧୧ଜଣ ( ୯ଜଣ ପୁରୁଷ ଓ ୨ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୦ଜଣ (୭ ଜଣ ପୁରୁଷ ଓ ୩ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୯ଜଣ(୮ ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୯ଜଣ (୫ ଜଣ ପୁରୁଷ ଓ ୪ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୭ଜଣ ( ୫ଜଣ ପୁରୁଷ ଓ୨ ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୫ଜଣ(୪ ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧ଜଣ (୧ ଜଣ ପୁରୁଷ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକ ମଧ୍ୟରୁ ୨୦ ଜଣଂକୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ଅନ୍ୟମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୫୧ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୭୯ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୨ ଲକ୍ଷ ୯୭ହଜାର ୨୭୫ଜଣଙ୍କୁ ଟିକା ଦିଆଗଲାଣି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୩୮ ତା.୦୩.୦୭.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ